ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୬ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୨୧୪୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୬ ଜଣ ।

ଅନୁଗୋଳ, ତା. ୧୫.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୨୬ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ ( ୩ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ ଜଣ ( ୧ ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଆଜି ତାଳଚେର ବ୍ଲକ, କଣିହାଁ ବ୍ଲକ, ତାଳଚେର ପୌରାଞ୍ଚଳ, ପାଲଲହଡା ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ କିଶୋରନଗର ବ୍ଲକ୍ ପ୍ରଭୃତି ୬ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୬ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୪ ତା.୧୫.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ